ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/CEO(Od)/332/12-03-2024**

## ଜିଲ୍ଲାପାଳ ଓ ଏସ୍‌ପିମାନଙ୍କ ସହ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ଗୁରୁତ୍ୱପୂର୍ଣ୍ଣ ବୈଠକ

ଭୁବନେଶ୍ୱର,୧୨/୦୩/୨୦୨୪:

ରାଜ୍ୟର ସମସ୍ତ ଜିଲ୍ଲାର ଜିଲ୍ଲାପାଳ ଓ ଏସ୍‌ପିମାନଙ୍କ ସହ ମୁଖ୍ୟ ନିର୍ବାଚନ ଅଧିକାରୀ ଶ୍ରୀ ନିକୁଞ୍ଜ ବିହାରୀ ଧଳ ଆଭାସୀ ମାଧ୍ୟମରେ ଏକ ଗୁରୁତ୍ୱପୂର୍ଣ୍ଣ ସମୀକ୍ଷା ବୈଠକ କରିଛନ୍ତି । ଏହି ବୈଠକରେ ମୁଖ୍ୟ ନିର୍ବାଚନ ଅଧିକାରୀ ଜିଲ୍ଲାସ୍ତରରେ ନିର୍ବାଚନ ପ୍ରସ୍ତୁତିର ବିଭିନ୍ନ ଦିଗ ଉପରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ । ସାଧାରଣ ପ୍ରଶାସନ ଓ ପୁଲିସ ପ୍ରଶାସନ କିଭଳି ମିଳିତ ଭାବରେ ଆସନ୍ତା ସାଧାରଣ ନିର୍ବାଚନକୁ ମୁକ୍ତ, ଅବାଧ ଓ ନିରପେକ୍ଷ ଭାବରେ ପରିଚାଳନା କରିବେ ସେ ବିଷୟରେ ମୁଖ୍ୟ ନିର୍ବାଚନ ଅଧିକାରୀ ଆଲୋଚନା କରିଥିଲେ ।

ମତଦାତାଙ୍କ ସୁବିଧା ପାଇଁ ରାଜ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ପକ୍ଷରୁ 'ମତଦାତା ମାର୍ଗଦର୍ଶିକା' ନାମକ ଏକ ପକେଟ୍ ବୁକ୍ ରାଜ୍ୟର ସମସ୍ତ ପରିବାରକୁ ଯୋଗାଇ ଦିଆଯିବ । ଏହାକୁ ପଢ଼ି ସେମାନେ ମତଦାନ ବିଷୟରେ ଅତି ସହଜରେ ଜାଣିପାରିବେ । ଏହି ପକେଟ୍ ବୁକ୍‌ଟି ବିଏଲ୍‌ଓମାନଙ୍କ ଦ୍ୱାରା ସମସ୍ତ ପରିବାରକୁ ଯୋଗାଇ ଦିଆଯିବ । ମତଦାନ ହାର ବଢ଼ାଇବା ପାଇଁ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ତରଫରୁ ବହୁ ଅଭିନବ ପ୍ରୟାସ କରାଯାଉଛି । ସେସବୁକୁ ତୃଣମୂଳ ସ୍ତରରେ ଉଚିତ ରୂପେ କାର୍ଯ୍ୟକାରୀ କରିବା ପାଇଁ ମୁଖ୍ୟ ନିର୍ବାଚନ ଅଧିକାରୀ ସମସ୍ତ ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ ଦେଇଥିଲେ ।

ବିନାୟକ ମିଶ୍ର
ଲୋକସମ୍ପର୍କ ଅଧିକାରୀ